The Odisha Gazette

EXTRAORDINARY

PUBLISHED BY AUTHORITY

No. 1267 CUTTACK, THURSDAY, JULY 21, 2016/ASADHA 30, 1938

## ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ

ଘୋଷଣା

ତାରିଖ 8 ଜୁଲାଇ 2016

ସଂଖ୍ୟା 20782—RDM-LAA-MBJ-0016/2015-R&DM.—ସର୍ବସାଧାରଣଙ୍କ ଅବଗତି ନିମନ୍ତେ, ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ୍ ୨୦୧୩ର ଧାରା ୧୯ର ଅଧିନିୟମ ୧ ଅନୁଯାୟୀ ଏହି ଘୋଷଣାନାମା ଦିଆଯାଉଅଛି ଯେ ଉକ୍ତ ଆଇନ୍‌ର ଧାରା ୧୫(୨) ଅନୁସାରେ ଜିଲ୍ଲାପାଳ, ମୟୁରଭଞ୍ଜ ପ୍ରଦତ୍ତ ରିପୋର୍ଟକୁ ବିବେଚନା କରି ମୌଜା କାମତା, ଥାନା କୋଳିଅଣା, ତହସିଲ କୋଳିଅଣା, ଜିଲ୍ଲା ମୟୁରଭଞ୍ଜରେ ନିମ୍ନସୂଚିତ 'କ' ତଫସିଲ ଜମି ଏହି ଆଇନ୍‌ର ଧାରା ୨ (୧) ପ୍ରକାରେ ଓଡ଼ିଶା ସରକାରଙ୍କୁ ପ୍ରତୀତ ହେଉଅଛି କି ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଯଥା ସୁବର୍ଣ୍ଣରେଖା ଜଳସେଚନ ପ୍ରକଳ୍ପର ପାଟିଆ ସିମିଳି ଓ ହଳଦିଆ ଦକ୍ଷିଣ ପାର୍ଶ୍ୱ ମୁଖ୍ୟ କେନାଲ ନିର୍ମାଣ ନିମନ୍ତେ ଭୂମି ଅଧିଗ୍ରହଣ ଆବଶ୍ୟକ ହେଉଅଛି ।

ଏହି ଭୂମି ଅଧିଗ୍ରହଣ ସମ୍ବନ୍ଧୀୟ ପ୍ରାରମ୍ଭିକ ବିଜ୍ଞପ୍ତି ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ୍, ୨୦୧୩ (Right to Fair Compensation and Transparency in Land Acquisition, Rehabilitation & Resettlement Act, 2013) ର ଧାରା ୧୧(୧) ଅନୁଯାୟୀ ବିଜ୍ଞପ୍ତି ସଂଖ୍ୟା ୩୭୩, ତାରିଖ ୫ ଜାନୁଆରୀ ୨୦୧୬ରେ ପ୍ରକାଶିତ ହୋଇଅଛି ;

ପୁନଶ୍ଚ ଏହା ଘୋଷଣା କରାଯାଉଅଛି ଯେ, ମୌଜା କାମତା, ଥାନା କୋଳିଅଣା, ଜିଲ୍ଲା ମୟୁରଭଞ୍ଜରେ କୌଣସି ବିସ୍ଥାପିତ ପରିବାର ନଥିବାରୁ ପୁନର୍ବାସ ଓ ଥଇଥାନ ନିମିତ୍ତ କୌଣସି ଜମି ଚିହ୍ନଟ ଓ ପୁନର୍ବାସ ଓ ଥଇଥାନ ଯୋଜନା ରୂପରେଖର ସାରମର୍ମ ସଂଲଗ୍ନ କରାଯାଇନାହିଁ ।

ଅନୁମୋଦିତ ପୁନର୍ବାସ ଓ ଥଇଥାନ ଯୋଜନା, ଜିଲ୍ଲାପାଳ ଏବଂ ପୁନର୍ବାସ ଓ ଥଇଥାନ ପ୍ରଶାସନ କାର୍ଯ୍ୟାଳୟରେ ଉପଲବ୍ଧ ଅଟେ । ଏହା ମଧ୍ୟ ଜିଲ୍ଲା ୱେବ୍‌ସାଇଟ www. mayurbhanj.nic.inରେ ଏବଂ ରାଜ୍ୟ ସରକାରଙ୍କ ୱେବସାଇଟ www.odisha. gov.in/ revenueରେ ସର୍ବସାଧାରଣଙ୍କ ଅବଲୋକନ ପାଇଁ ଅପ୍‌ଲୋଡ କରାଗଲା । ପୁନର୍ବାସ ଓ ଥଇଥାନ ଯୋଜନାର ଭୂମି ନକ୍ସା, ଭୂ-ଅର୍ଜନ ମଣ୍ଡଳ ଅଧିକାରୀ, ସୁବର୍ଣ୍ଣରେଖା ଜଳସେଚନ ପ୍ରକଳ୍ପର, ଲକ୍ଷ୍ମୀପୋଷିଙ୍କ କାର୍ଯ୍ୟାଳୟରେ, କାର୍ଯ୍ୟଦିବସମାନଙ୍କରେ ଦେଖିବାକୁ ମିଳିପାରିବ ।

ତଫସିଲ-କ

(ପ୍ରସ୍ତାବିତ ଭୂମି ଅଧିଗ୍ରହଣ ଅନୁସୂଚୀ)

| ଗ୍ରାମର ନାମ | ଗ୍ରାମାଞ୍ଚଳ/ ସହରାଞ୍ଚଳ | ଖାତା ନଂ. | ପ୍ଲଟ୍ ନଂ. | କିସମ | ପ୍ଲଟ୍‌ର ମୋଟ ରକବା | ଅଧିଗ୍ରହଣ ହେବାକୁଥିବା ଜମିର ରକବା | ରୟତଙ୍କ ନାମ |
|---|---|---|---|---|---|---|---|
| ୧ | ୨ | ୩ | ୪ | ୫ | ୬ | ୭ | ୮ |
| ପାକଟିଆ | ଗ୍ରାମାଞ୍ଚଳ | ଏଥିସହିତ ସଂଲଗ୍ନ | ଏଥିସହିତ ସଂଲଗ୍ନ | ଏଥିସହିତ ସଂଲଗ୍ନ | ଏ. ୦.୮୦ | ଏ. ୦.୦୨ | ଏଥିସହିତ ସଂଲଗ୍ନ |

ତଫସିଲ-ଖ

(ପୁନର୍ବାସ ନିମିତ୍ତ ଚିହ୍ନଟ ଭୂମି ଅନୁସୂଚୀ)

| ଗ୍ରାମର ନାମ | ଗ୍ରାମାଞ୍ଚଳ/ ସହରାଞ୍ଚଳ | ଖାତା ନଂ. | ପ୍ଲଟ୍ ନଂ. | କିସମ | ପ୍ଲଟ୍‌ର ମୋଟ ରକବା | ପୁନର୍ବାସ ନିମିତ୍ତ ଚିହ୍ନଟ ଜମିର ରକବା | ରୟତଙ୍କ ନାମ |
|---|---|---|---|---|---|---|---|
| ୧ | ୨ | ୩ | ୪ | ୫ | ୬ | ୭ | ୮ |
| ପ୍ରଯୁଜ୍ୟ ନୁହେଁ | | | | | | | |

**ଭୂମି ଅନୁସୂଚୀ**

| ଖାତା ନଂ. ଓ ସ୍ୱତ୍ୱ | ପ୍ଲଟ୍ ନଂ. | ମୋଟ ରକବା | ଆକ୍ୱାଆର ରକବା | କିସମ | ପ୍ରଜାଙ୍କ ନାମ, ପିତାଙ୍କ ନାମ, ଜାତି ଓ ବାସସ୍ଥାନ |
|---|---|---|---|---|---|
| (୧) | (୨) | (୩) | (୪) | (୫) | (୬) |
| | | ଏକର | ଏକର | | |
| ୫୯ | ୨୩୭ | ୦.୮୦ | ୦.୦୨ | ଶାରଦ ତିନି | ନିତ୍ୟାନନ୍ଦ ବେହେରା, ପି. କୈଳାସ ବେହେରା, ଜା. କୁମ୍ଭାର, ବା. ନିଜଗାଁ । |
| | | ମୋଟ . . | ୦.୦୨ | | |

ରାଜ୍ୟପାଳଙ୍କ ଆଦେଶାନୁକ୍ରମେ

**ଅଭୟ କୁମାର ନାୟକ**

ଯୁଗ୍ମ ଶାସନ ସଚିବ

Printed and published by the Director, Directorate of Printing, Stationery and Publication, Odisha, Cuttack-10
Ex. Gaz.687—173+20